# भाकृअनुप – राष्ट्रीय चावल अनुसंधान संस्थान

## ଭା.କୃ.ଅନୁ.ପ.-ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ-୭୫୩୦୦୬

(An ISO 9001: 2015 Certified Institute)

## କୃଷି ସୂଚନା ସେବା (ଧାନ)

### ୨୦୨୩ ମସିହା ମେ ମାସ ଦ୍ୱିତୀୟ ପକ୍ଷ ପାଇଁ କାର୍ଯ୍ୟପନ୍ଥା

- ଯଦି ଧାନ ଫସଲ କ୍ଷୀର ଢ଼ୋକିବା ଅବସ୍ଥାରେ ଥିବ, ତେବେ ଗନ୍ଧିପୋକ ଓ କେଣ୍ଡାକଟା ସଂବାଲୁଆ ଲାଗିବାର ଯଥେଷ୍ଟ ସମ୍ଭବନା ରହିଛି । ଯଦି ଗନ୍ଧିପୋକର ଆର୍ଥିକ ଦେହଳୀ ସୀମା ଅର୍ଥାତ୍ ବୁଦାପ୍ରତି ୨ରୁ ଅଧିକ ଗନ୍ଧିପୋକ ଦେଖାଯାଏ, ତେବେ ଏକର ପ୍ରତି ୧୨୦ ମି.ଲି. (ଇମିଡାକ୍ଲୋପ୍ରିଡ୍ ୬% + ଲାମ୍ବଡାସାଇହାଲୋଥ୍ରିନ୍ ୪%) ମିଶ୍ରିତ ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ଯଦି କେଣ୍ଡାକଟା ସଂବାଲୁଆ ଦେଖାଯାଏ, ତେବେ ଏକର ପ୍ରତି କୁଇନାଲଫସ୍ ୨୫ ଇ.ସି. ୪୦୦ ମି.ଲି. କିମ୍ବା କ୍ଲୋରୋପାଇରିଫସ୍ ୨୦ ଇ.ସି. ୫୦୦ ମି.ଲି. ସିଞ୍ଚନ କରନ୍ତୁ ।
- ଧାନକୁ ବିହନ ହିସାବରେ ବ୍ୟବହାର କରିବାକୁ ଥିଲେ ବିଲରୁ ମିଶା ଧାନ ଗଛଗୁଡିକୁ ଫୁଲ ଉଡାଇବା ସମୟରେ ଭଲଭାବରେ ଦେଖି ବାଛିଦିଅନ୍ତୁ ।
- ଯେତେବେଳେ ଶତକଡ଼ା ୮୦ ରୁ ୮୫ ଭାଗ ଧାନ ପାକଳ ହୋଇଯିବ, ସେହି ସମୟରେ କାଟନ୍ତୁ । ନଚେତ୍ ଡାଲୁଅ ଧାନରେ ଧାନ ଝଡି ଯିବାର ସମ୍ଭାବନା ଅଧିକ ଥାଏ ।
- ଧାନ ସାଇତି ରଖିବା ପାଇଁ ଶୁଖାଇବା ସମୟରେ ଆର୍ଦ୍ରତା ଶତକଡା ୧୪ ଭାଗ ରହିବା ଦରକାର ।ସେଥିପାଇଁ ଭଲ ଖରାରେ ପ୍ରାୟ ୨ ଦିନ ପର୍ଯ୍ୟନ୍ତ ଶୁଖାଇବା ଆବଶ୍ୟକ ।
- ଧାନ ଠିକ୍ ଭାବରେ ଶୁଖିଯିବା ପରେ କିସମ ଅନୁସାରେ ଅଲଗା ଅଲଗା କରି ବଜାରରେ ମିଳୁଥିବା ସୁପର ଗ୍ରେନ୍ ବସ୍ତାରେ ସାଇତି ରଖିଲେ ଏହାର ଗୁଣ, ରଙ୍ଗ, ବାସନା ଓ ସ୍ୱାଦ ବହୁତ ଦିନ ପର୍ଯ୍ୟନ୍ତ ସୁରକ୍ଷିତ ରହିବ ।
- ଧାନ ସାଇତି ରଖିଥିବା ବସ୍ତା ବା କୋଠରୀରେ ପୋକ ଦେଖାଦେଲେ ଆଲୁମିନିୟମ୍ ଫସ୍‌ଫାଇଡ୍ ଟାବ୍‌ଲେଟ୍ ଏକ ଟନ୍ ଧାନ ପିଛା ୩ଟି ଟାବ୍‌ଲେଟ୍ (ସମୁଦାୟ ୯ ଗ୍ରାମ୍ ଟାବ୍‌ଲେଟ୍) କନାରେ ଗୁଡାଇ ରଖନ୍ତୁ । ଏହା ଉପରେ ଭଲଭାବେ ତାରପୋଲିନ୍ ଘୋଡାଇ ଦିଅନ୍ତୁ ଯେପରିକି କିଛି ଫାଙ୍କା ଜାଗା ନ ରୁହେ । କୋଠରୀର ସନ୍ଧି ଜାଗା କିମ୍ବା କବାଟ ତଳ ଫାଙ୍କ ଜାଗା ଓ ତାରପୋଲିନ୍‌ର ଚାରିପଟେ ୬ ଇଞ୍ଚ ମୋଟାର କାଦୁଅ ଲେପ କିମ୍ବା ସେଲୋଟେପ୍ ଦେଇ ଭଲରେ ବନ୍ଦ କରନ୍ତୁ, ଯେପରିକି ବାଷ୍ପ ବାହାରକୁ ନ ଆସେ । ୭ ରୁ ୧୦ ଦିନ ପର୍ଯ୍ୟନ୍ତ କୋଠରୀ ବା ବସ୍ତାର ମୁହଁ ଭଲଭାବରେ ବନ୍ଦ ରଖନ୍ତୁ । ଲୋକ ଚଳପ୍ରଚଳ କରୁଥିବା ଜାଗାରେ ଏଭଳି ଔଷଧ ପ୍ରୟୋଗ କରନ୍ତୁ ନାହିଁ ।
- ଓଡ଼ିଶାର ଅଧିକାଂଶ ଅଞ୍ଚଳରେ ବର୍ଷା ହୋଇସାରିଛି । ତେଣୁ ଢ଼ିପଜମି ଏବଂ ବର୍ଷାଶ୍ରିତ ଖାଲୁଆ ଜମି, ଯେଉଁଠାରେ ଧାନ ଛଟାବୁଣା କରାଯାଏ ଏବଂ ତଳି ଘରା ପ୍ରସ୍ତୁତି ପାଇଁ ମାଟିର ବତର ଦେଖି ପ୍ରଥମ ଖରାଟିଆ ଚଷ କରିଦିଅନ୍ତୁ ।
- ବିଭିନ୍ନ ଖ୍ୟାତିସମ୍ପନ୍ନ ଗବେଷଣା ଅନୁଷ୍ଠାନ, କୃଷିବିଜ୍ଞାନ କେନ୍ଦ୍ର, ବିଶ୍ୱବିଦ୍ୟାଳୟ କିମ୍ବା କୃଷିବ୍ଲକ୍ ଅଫିସରୁ ମଧ୍ୟବର୍ତ୍ତୀ ଗଭୀର ଜମିପାଇଁ ଉନ୍ନତ ମାନର ବିହନ ଯଥା ବର୍ଷାଧାନ, ଦୁର୍ଗା, ସି.ଆର.ଧାନ ୫୦୧, ଶାରଳା ଏବଂ ଗାୟତ୍ରୀ ଇତ୍ୟାଦି ବିହନ ବନ୍ଦୋବସ୍ତ କରନ୍ତୁ । ଗଭୀର ଖାଲୁଆଜମି ପାଇଁ ଉନ୍ନତମାନର ବିହନ ଯଥା ସି.ଆର.ଧାନ ୫୦୦, ସି.ଆର.ଧାନ ୫୦୨ (ଜୟନ୍ତୀ ଧାନ), ସି.ଆର.ଧାନ ୫୦୩ (ଜଳମଣି), ସି.ଆର.ଧାନ ୫୦୫ ଓ ସି.ଆର.ଧାନ ୫୦୭ (ପ୍ରଶାନ୍ତ) ଇତ୍ୟାଦି ବନ୍ଦୋବସ୍ତ କରନ୍ତୁ ।

- ସେହିପରି ଡ଼ିପଜମି ପାଇଁ ସି.ଆର.ଧାନ ୧୦୦ (ସତ୍ୟଭାମା), ସି.ଆର.ଧାନ ୧୦୧ (ଅଙ୍କିତ), ସହଭାଗୀ ଧାନ, ଫାଲଗୁନୀ, ବନ୍ଦନା, ଅଞ୍ଜଳୀ ଓ ଖଣ୍ଡଗିରି ଇତ୍ୟାଦି ଧାନ ବିହନ ଇତ୍ୟାଦି ସଂଗ୍ରହ କରନ୍ତୁ ।

- ସ୍ୱଳ୍ପ ଗଭୀର ବିଶିଷ୍ଟ ଖାଲୁଆ ଜମିରେ ରୋଇବା ପାଇଁ ଉର୍ଦ୍ଦିଷ୍ଟ ଧାନ ବିହନ ଯଥା : ସି.ଆର.ଧାନ ୩୦୭ (ମଉଡମଣି), ସି.ଆର.ଧାନ ୩୦୩, ସି.ଆର.ଧାନ ୩୦୪, ଏମ୍.ଟି.ୟୁ ୧୦୦୧, ଏମ୍.ଟି.ୟୁ ୧୦୧୦, ନବୀନ, ସି.ଆର.ଧାନ ୩୧୦, ସି.ଆର.ଧାନ ୩୧୨, ସି.ଆର.ଧାନ ୩୧୪, ଡି.ଆର.ଆର. ୪୪, ଉନ୍ନତ ଲଲାଟ କିସମ, ସି.ଆର. ଧାନ ୩୦୧, ସି.ଆର.ଧାନ ୮୦୦, ସି.ଆର.ଧାନ ୪୦୪, ସ୍ୱର୍ଣ୍ଣ, ପୂଜା, କଳାଚମ୍ପା, ହସନ୍ତ, ସ୍ୱର୍ଣ୍ଣସବ୍ ୧ ଏବଂ ବିପିଟି ୫୨୦୪ ବିହନ ଇତ୍ୟାଦି ଭରସା ଯୋଗ୍ୟ ଗବେଷଣା ଅନୁଷ୍ଠାନ, କୃଷି ବିଶ୍ୱବିଦ୍ୟାଳୟ, କୃଷି ବିଜ୍ଞାନ କେନ୍ଦ୍ର, କୃଷିବ୍ଲକ୍ ଅଫିସରୁ ବନ୍ଦୋବସ୍ତ କରନ୍ତୁ ।

- ଉପକୂଳବର୍ତ୍ତୀ ଲବଣଯୁକ୍ତ ଜମି ନିମିତ୍ତ ଲବଣ ସହଣୀୟ ଧାନ ବିହନ ଯଥା ସି.ଆର.ଧାନ ୪୦୫ (ଲୁଣାସଂଖୀ), ସି.ଆର.ଧାନ ୪୦୩ (ଲୁଣାସୁବର୍ଣ୍ଣା), ଡି.ଆର.ଆର. ୩୯ ଏବଂ ଲୁଣିଶ୍ରୀ ବିହନ ବନ୍ଦୋବସ୍ତ କରନ୍ତୁ ।

- ଜଳସେଚିତ ମଧ୍ୟମ ଏବଂ ସ୍ୱଳ୍ପ ଗଭୀର ବିଶିଷ୍ଟ ଖାଲୁଆ ଜମିରେ ଶଙ୍କରଜାତୀୟ ଧାନ ଚାଷ କରିବା ପାଇଁ ଇଚ୍ଛୁକ ଥିବା ଚାଷୀଭାଇମାନେ ଉନ୍ନତମାନର ଟ୍ରୁଥ୍‌ଫୁଲ ଲେବଲ ବିହନ (TL) ଯଥା ଅଜୟ, ରାଜଲକ୍ଷ୍ମୀ, ସି.ଆର.ଧାନ ୭୦୧, କେ.ଆର.ଏଚ୍-୨ ଏବଂ ପି.ଏଚ୍.ବି ୭୧ ବିହନ ବିଭିନ୍ନ ଖ୍ୟାତିସମ୍ପର୍ଣ୍ଣ ବିହନ ସଂସ୍ଥା/ଅନୁଷ୍ଠାନ ନିକଟରୁ ବନ୍ଦୋବସ୍ତ କରନ୍ତୁ ।

- ବନ୍ୟା ପ୍ଲାବିତ ମଧ୍ୟମ ଖାଲୁଆ ଜମିରେ ବନ୍ୟାଜଳ ସହଣୀ କିସମ ଯଥା ସ୍ୱର୍ଣ୍ଣ ସବ୍-୧, ରଞ୍ଜିତ୍ ସବ୍-୧, ବାହାଦୁର୍ ସବ୍-୧, ବୀଣାଧାନ-୧୧ ଏବଂ ଶାମ୍ବାମସୁରୀ ସବ୍-୧ ଏବଂ ମଧ୍ୟମଗହୀରା ଜମିରେ ସି.ଆର୍.୧୦୦୯ ସବ୍-୧ କିସମ ଲଗାନ୍ତୁ ।

- ମରୁଡି ହେଉଥିବା ଅଞ୍ଚଳରେ ମରୁଡି ସହଣୀଶକ୍ତି ଥିବା କିସମ ଯଥା ସହଭାଗୀ ଧାନ, ଡି.ଆର୍.ଆର୍.୪୨, ଡି.ଆର୍.ଆର୍.୪୪, ବି.ଆର୍.ଆର୍.ଆଇ ଧାନ ୭୧, ସ୍ୱର୍ଣ୍ଣଶ୍ରେୟା ଇତ୍ୟାଦି ବିହନ ବ୍ୟବହାର କରନ୍ତୁ ।

- ରୁଆଧାନ ବିଲରେ ସବୁଜ ଖତ ହିସାବରେ ଧଣିଚା ଚାଷ କରିବା ପାଇଁ ବିଶ୍ୱାସଯୋଗ୍ୟ ସଂସ୍ଥା କିମ୍ବା ଦୋକାନରୁ ଭଲ ଧଣିଚା ମଞ୍ଜି ସଂଗ୍ରହ କରନ୍ତୁ ।

- ବିହନ ବିଶୋଧନ ନିମନ୍ତେ ବିହନ ବୁଣିବା ପୂର୍ବରୁ ୧ କି.ଗ୍ରା. ବିହନକୁ ୧.୫ ଗ୍ରାମ୍ କାର୍ବେଣ୍ଡାଜିମ୍ ୫୦ ଡବ୍ଲ୍ୟୁ.ପି. (ବାଭିଷ୍ଟିନ୍ / ଗୋଲ୍ଡଷ୍ଟିନ୍) କିମ୍ବା ୩ ଗ୍ରାମ୍ କ୍ୟାପ୍ଟାନ୍ ୫୦% ( କ୍ୟାପ୍‌ଗୋଲ୍ଡ / କ୍ୟାପ୍ତାରା) କିମ୍ବା ୩ ଗ୍ରାମ୍ ଥୀରାମ୍ ୭୫% (ଥିରାମ୍ ୭୫ / ଥାଇରାମ୍) ଗୁଣ୍ଡରେ ବିଶୋଧନ କରନ୍ତୁ । ଜୈବିକ ବିଶୋଧକ ଭାବେ ୧ କି.ଗ୍ରା. ବିହନକୁ ୧୦ ଗ୍ରାମ୍ ଟ୍ରାଇକୋଡର୍ମା ଗୁଣ୍ଡରେ ମଧ୍ୟ ବିଶୋଧନ କରିପାରିବେ । ଏହାକୁ କୌଣସି ବିଶ୍ୱସ୍ଥନୀୟ ସଂସ୍ଥା ବା ଦୋକାନରୁ ସଂଗ୍ରହ କରନ୍ତୁ ।

- ଚାଷୀଭାଇମାନେ ଧାନ ଚାଷ ସମ୍ପର୍କରେ ଅଧିକ ସୂଚନା ବା ବିବରଣୀ ଜାଣିବା ପାଇଁ ଜାତୀୟ ଧାନ ଗବେଷଣା ଅନୁଷ୍ଠାନ, କଟକ ଦ୍ୱାରା ବିକଶିତ ରାଇସ୍ ଏକ୍ସପୋର୍ଟ ମୋବାଇଲ ଆପ୍ (riceXpert) ଗୁଗୁଲ୍ ପ୍ଲେଷ୍ଟୋରରୁ ଡାଉନ୍‌ଲୋଡ କରି ବ୍ୟବହାର କରିପାରିବେ ।

******